# ବୈଷ୍ଣବ ଚରଣ ସାମଲ ପାଇବେ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର



ଭୁବନେଶ୍ୱର, ୧୮/୧୨
ନ୍ୟୁଜ ବ୍ୟୁରୋ

ଘୋଷଣା ହୋଇଛି କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର । ଚଳିତ ବର୍ଷ ବିଶିଷ୍ଟ ସାହିତ୍ୟିକ ବୈଷ୍ଣବ ଚରଣ ସାମଲଙ୍କୁ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ମିଳିବ ବୋଲି ଘୋଷଣା ହୋଇଛି ।

'ଭୂତି ଭକ୍ତି ବିଭୂତି' ପ୍ରବନ୍ଧ ପୁସ୍ତକ ପାଇଁ ତାଙ୍କୁ ଏହି ପୁରସ୍କାର ମିଳିବ । ଆଧ୍ୟାତ୍ମିକ ଚିନ୍ତନ, ବିଶ୍ୱଦୃଷ୍ଟି ଏବଂ ମାନବିକ ଭାବନାରେ ଋଦ୍ଧିମନ୍ତ ଏହି ପୁସ୍ତକ ବେଶ ଉଚ୍ଚ ପ୍ରଶଂସିତ ହୋଇଛି । ଜଣେ ଉଚ୍ଚ ମୂଲ୍ୟବୋଧଭିତ୍ତିକ ପ୍ରାବନ୍ଧିକ ଏବଂ ସମାଲୋଚକ ଭାବେ ବୈଷ୍ଣବ ଚରଣ ସାମଲଙ୍କ ସୁଖ୍ୟାତି ରହିଛି ।

ବୈଷ୍ଣବ ଚରଣ ସାମଲ ୧୯୩୯ ମସିହା ଫେବୃଆରୀ ୨୭ ତାରିଖରେ ଅବିଭକ୍ତ କଟକ ଜିଲ୍ଲା ଓ ବର୍ତ୍ତମାନର କେନ୍ଦ୍ରାପଡ଼ା ଜିଲ୍ଲାର ତାଳିଗାଁଠାରେ ଜନ୍ମ ଗ୍ରହଣ କରିଥିଲେ । ତାଙ୍କ ପ୍ରଥମ କବିତା ଥିଲା 'ନେତା କିଏ' । ୧୯୬୪-୬୫ ମସିହାରୁ ସେ ପ୍ରବନ୍ଧ ଓ ସମାଲୋଚନା ସାହିତ୍ୟ ଲେଖିବା ଆରମ୍ଭ କରିଥିଲେ । ତାଙ୍କ ଲିଖିତ ପ୍ରଥମ ପ୍ରବନ୍ଧ ଥିଲା ମରୁତୀର୍ଥ । ତାଙ୍କ ଲେଖା, ସେ ସମୟର ବହୁ ପତ୍ରିକାରେ ପ୍ରକାଶ ପାଉଥିଲା ।

ସେହି ସବୁ ପ୍ରବନ୍ଧ ମଧ୍ୟରୁ କୋଡ଼ିଏଟି ପ୍ରବନ୍ଧକୁ ସଂକଳିତ କରି, ୧୯୭୧ ମସିହାରେ 'ଜଗନ୍ନାଥ ରଥ' ପ୍ରକାଶନ ସଂସ୍ଥା ତାଙ୍କର ପ୍ରଥମ ପୁସ୍ତକ ପ୍ରକାଶ କରିଥିଲେ । ପୁସ୍ତକଟିର ନାମ ଥିଲା 'କଳା ସଂସ୍କୃତି ଓ ସାହିତ୍ୟ' । ସେହି ବର୍ଷ ତାଙ୍କର ପ୍ରଥମ କବିତା ପୁସ୍ତକ ସମୟରେ ଲିପି ମଧ୍ୟ ପ୍ରକାଶ ପାଇଥିଲା ।

ଅଧ୍ୟାପନାକୁ ବୃତ୍ତି ଭାବରେ ଗ୍ରହଣ କରିଥିବା ବୈଷ୍ଣବ ଚରଣ, ୧୯୬୬ ମସିହାରେ ଫକୀରମୋହନ (ପୃଷ୍ଠା ୬ରେ)